ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1440/13-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୩ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ରାଜ୍ୟ ସରକାର ରାଜ୍ୟର ସ୍ୱାସ୍ଥ୍ୟସେବା ଭିତ୍ତିଭୂମିକୁ ପରବର୍ତ୍ତୀ ସ୍ତରକୁ ନେବା ଉଦ୍ଦେଶ୍ୟରେ ଆସନ୍ତା ୫ ବର୍ଷ ମଧ୍ୟରେ ଓଡ଼ିଶା କର୍କଟ ଚିକିତ୍ସା ଯୋଜନା କାର୍ଯ୍ୟକାରୀ କରିବେ । ଏହି ଅଭିଯାନରେ ପ୍ରାୟ ୫୭୭ କୋଟି ଟଙ୍କା ବିନିଯୋଗ ହେବ ଏବଂ ସମଗ୍ର ରାଜ୍ୟରେ ଉଚ୍ଚସ୍ତରୀୟ କର୍କଟ ଚିକିତ୍ସା ଯୋଗାଇ ଦିଆଯିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସରକାରୀ ବୈଷୟିକ ବିଶ୍ୱବିଦ୍ୟାଳୟ, ଇଂଜିନିୟରିଂ କଲେଜ ଏବଂ ପଲିଟେକନିକ୍‌ଗୁଡ଼ିକରେ ୨୦୨୦ ଅପ୍ରେଲରୁ ଡିସେମ୍ବର ମାସ ପର୍ଯ୍ୟନ୍ତ ହଷ୍ଟେଲ୍ ଫିକୁ ରାଜ୍ୟ ସରକାର ଛାଡ଼ କରିଛନ୍ତି । ଏହା ଦ୍ୱାରା ୧୭,୦୧୨ ଜଣ ଅନ୍ତେବାସୀ ଉପକୃତ ହେବେ ଏବଂ ସରକାର ଏଥିପାଇଁ ୫.୧ କୋଟି ଟଙ୍କା ବ୍ୟୟ କରିବେ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ପ୍ରଦତ୍ତ ମର୍ଯ୍ୟାଦାଜନକ ବାଲ ସାହିତ୍ୟ ପୁରସ୍କାର ପାଇବା ପାଇଁ ମନୋନୀତ ରାମଚନ୍ଦ୍ର ନାୟକ ଏବଂ ଚନ୍ଦ୍ରଶେଖର ହୋତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି । ଉଭୟଙ୍କ ସଫଳତା ସମଗ୍ର ଓଡ଼ିଶା ପାଇଁ ଗୌରବର ବିଷୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପରିବେଶବିତ୍ ବିଜୟ କୁମାର କବି ଏବଂ କେନ୍ଦ୍ରାପଡ଼ା ଜିଲ୍ଲା ବଡ଼କୋଟର ଗ୍ରାମବାସୀମାନେ ୧୨ ବର୍ଷ ମଧ୍ୟରେ ୨୫ ଏକର ଜମିରେ ହେନ୍ତାଳ ବନ ସୃଷ୍ଟି କରିଥିବାରୁ ଅଭିନନ୍ଦନ ଜଣାଇଛନ୍ତି । ଏହି ଉଦ୍ୟମ ଅନ୍ୟମାନଙ୍କୁ ବନୀକରଣ ଏବଂ ପରିବେଶ ସୁରକ୍ଷା ପାଇଁ ପ୍ରେରଣିତ କରିବ ବୋଲି ସେ ଆଶାପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କନ୍ଧମାଳ ବାଲନ୍ଦାପଡ଼ାରେ ମା’ଗୃହ ଦାୟିତ୍ୱରେ ଥିବା ଏଏନ୍ଏମ୍ ପୁଷ୍ପିତା ସାହୁ ଗର୍ଭବତୀଙ୍କ ସୁରକ୍ଷିତ ମାତୃତ୍ୱ ପାଇଁ କରୁଥିବା କାମ ଉଦାହରଣୀୟ । ନିଷ୍ଠାର ସହ ନିଜ ଦାୟିତ୍ୱ ତୁଲାଇବା ଏବଂ ଗର୍ଭବତୀଙ୍କ ପାଇଁ ଥିବା ସରକାରୀ ସୁବିଧାସୁଯୋଗକୁ ସେମାନଙ୍କ ନିକଟରେ ପହଞ୍ଚାଇବା ଦିଗରେ ତାଙ୍କର ଉଦ୍ୟମ ପ୍ରଶଂସନୀୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

**‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୫,୯୮,୫୪୨ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୮,୧୨୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୪୯୯ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୫୧ ରହିଛି ।
- ୬୫୧ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**